## ସେପ୍ଟେମ୍ବର ମାସ ପାଇଁ ଅନୁଗୋଳ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ।

ଅନୁଗୋଳ,ତା. ୩୦.୮ : ଅନୁଗୋଳ ଜିଲ୍ଲାପାଳଙ୍କ ସେପ୍ଟେମ୍ବର ମାସ ପାଇଁ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏଥିରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ଓ ଅନୁଗୋଳ ଆରକ୍ଷୀ ଅଧୀକ୍ଷକ ଶ୍ରୀ ଜଗମୋହନ ମୀନାଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଯୋଗ ଦେବେ । ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ସେପ୍ଟେମ୍ବର ୪ତାରିଖ (ବୁଧବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ମିଳିତ ଜନଶୁଣାଣୀ କାର୍ଯ୍ୟକ୍ରମ ଜିଲ୍ଲା କାର୍ଯ୍ୟାଳୟରେ ଅନୁଷ୍ଠିତ ହେଉଥିବା ବେଳେ ୧୦ ତାରିଖ (ମଙ୍ଗଳବାର) ପୂର୍ବାହ୍ନ ୧୦ ଘଟିକା ସମୟରେ ଛେଣ୍ଡିପଦା ବ୍ଲକ କାର୍ଯ୍ୟାଳୟ, ୧୬ ତାରିଖ ପୂର୍ବାହ୍ନ ୧୦ ଘଟିକା ସମୟରେ କିଶୋରନଗର ବ୍ଲକ କାର୍ଯ୍ୟାଳୟ, ୨୩ ତାରିଖ ପୂର୍ବାହ୍ନ ୧୦ ଘଟିକା ସମୟରେ ପାଲଲହଡା ବ୍ଲକ କାର୍ଯ୍ୟାଳୟ ଏବଂ ୩୦ ତାରିଖ ପୂର୍ବାହ୍ନ ୧୦ ଘଟିକା ସମୟରେ ଜିଲ୍ଲା କାର୍ଯ୍ୟଳୟ ଠାରେ ଅନୁଷ୍ଠିତ ହେବ । ସେହିପରି ୧୦ ତାରିଖ ଅପରାହ୍ନ ୩ ଘଟିକା ସମୟରେ ଛେଣ୍ଡିପଦା ବ୍ଲକ ଅନ୍ତର୍ଗତ ଟେଣ୍ଟୋଲି କୋଡାସାହି ଗ୍ରାମ ପଞ୍ଚାୟତ(ହାଣ୍ଡିଗୁଡା) କାର୍ଯ୍ୟାଳୟଠାରେ କୃଷି ସମାଧାନ ଶିବିର ଅନୁଷ୍ଠିତ ହେବ ବୋଲି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏହି ସମସ୍ତ କାର୍ଯ୍ୟକ୍ରମରେ ସମ୍ପୃକ୍ତ ଅଞ୍ଚଳର ଜନସାଧାରଣ ଯୋଗ ଦେଇ ନିଜ ନିଜର ଆପତ୍ତି ଅଭିଯୋଗ ଉପସ୍ଥାପନ କରିବାକୁ ଜିଲ୍ଲା ପ୍ରଶାସନ ତରଫରୁ ଜଣାଇ ଦିଆଯାଉଛି ।